**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**03rd October - 2024**

**News Editor : *Itishree Singh Rathaur***

*********************************

***BBSR/R***

# ମୁଖ୍ୟମନ୍ତ୍ରୀ - ଦିଲ୍ଲୀ ଗସ୍ତ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗତ ସନ୍ଧ୍ୟାରେ ନୂଆଦିଲ୍ଲୀ ଗସ୍ତରେ ଯାଇଛନ୍ତି । ଦିଲ୍ଲୀ ଗସ୍ତ ପୂର୍ବରୁ ଭୁବନେଶ୍ୱର ବିମାନବନ୍ଦରରେ ଗଣମାଧ୍ୟମକୁ ସୂଚନା ଦେଇ ସେ କହିଛନ୍ତି, ଆଗାମୀ ୫ ବର୍ଷ ମଧ୍ୟରେ ରାଜ୍ୟରେ ଅଢ଼େଇ ଲକ୍ଷ କୋଟି ଟଙ୍କାର ପୁଞ୍ଜିନିବେଶ ଲକ୍ଷ୍ୟ ରଖାଯାଇଛି । ଗତ ୧୦୦ ଦିନ ଭିତରେ ୪୫ ହଜାର କୋଟି ଟଙ୍କାର ପୁଞ୍ଜି ଓଡ଼ିଶାକୁ ଆସିସାରିଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଦିଲ୍ଲୀ ଗସ୍ତ ଅବସରରେ ଖାଦ୍ୟ ପ୍ରକ୍ରିୟାକରଣ, ପ୍ରଯୁକ୍ତି ବିଦ୍ୟା, ପେଟ୍ରୋ-କେମିକାଲ୍ ଆଦି କ୍ଷେତ୍ରରେ ପୁଞ୍ଜିନିବେଶ ପାଇଁ ଆଲୋଚନା ହେବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ମୁଖ୍ୟମନ୍ତ୍ରୀଙ୍କ ସହ ନିବେଶକ ସମ୍ମିଳନୀରେ ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ଏବଂ ବିଭାଗୀୟ ବରିଷ୍ଠ ଅଧିକାରୀମାନେ ଯୋଗଦେବେ । ସୂଚନାଯୋଗ୍ୟ, ଆସନ୍ତା ଜାନୁୟାରୀ ୨୮ ଓ ୨୯ ତାରିଖରେ 'ଉତ୍କର୍ଷ ଓଡ଼ିଶା : ମେକ୍ ଇନ୍ ଓଡ଼ିଶା - ୨୦୨୫ କନ୍‌କ୍ଲେଭ୍' ଆୟୋଜନର କାର୍ଯ୍ୟସୂଚୀ ରହିଛି ।

*PIB*

# କେନ୍ଦ୍ରମନ୍ତ୍ରୀ - ବିକଳ୍ପ ଇନ୍ଧନ

ବିକାଶ, ନୂତନ ଜ୍ଞାନକୌଶଳ ଏବଂ ଜୈବ ବିବିଧତାର କ୍ଷୟ ବିଶ୍ୱ ତାପନ ବୃଦ୍ଧିର କାରଣ ବୋଲି କେନ୍ଦ୍ର ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଭୂପେନ୍ଦ୍ର ଯାଦବ କହିଛନ୍ତି । ଭୁବନେଶ୍ୱରଠାରେ ଆୟୋଜିତ 'ପୁନଶ୍ଚ ପୃଥିବୀ' ସମ୍ମିଳନୀର ଉଦ୍‌ଘାଟନୀ ସମାରୋହକୁ ସମ୍ବୋଧିତ କରି ମନ୍ତ୍ରୀ ଶ୍ରୀ ଯାଦବ ପୃଥବୀର ସୁରକ୍ଷା ପାଇଁ ଅଙ୍ଗାରକାମ୍ଳ ନିର୍ଗମନକୁ ଶୂନ୍ୟସ୍ତରକୁ ଆଣିବା ଉପରେ ଗୁରୁତ୍ୱ ଆରୋପ କରିଛନ୍ତି । ପରିବେଶ ସଂରକ୍ଷଣପାଇଁ କେନ୍ଦ୍ର ସରକାର ଗ୍ରହଣ କରିଥିବା ପଦକ୍ଷେପ ଉପରେ ଆଲୋକପାତ କରି ମନ୍ତ୍ରୀ ଶ୍ରୀ ଯାଦବ ପ୍ୟାରିସ୍ ଜଳବାୟୁ ରାଜିନାମାରେ ପରିବେଶ ସୁରକ୍ଷା ପ୍ରତି ଭାରତ ପ୍ରତିବଦ୍ଧତାକୁ  ଦର୍ଶାଇଛି ବୋଲି କହିଛନ୍ତି । ଅଣଜୀବାଶ୍ମ ଆଧାରିତ ଇନ୍ଧନ ଉତ୍ସରୁ ୫୦ ପ୍ରତିଶତ ବିଦ୍ୟୁତ୍ ଉତ୍ପାଦନ କରିବା ଲକ୍ଷ୍ୟ ରଖାଯାଇଛି ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି । ଏହି କାର୍ଯ୍ୟକ୍ରମରେ ବାଚସ୍ପତି ସୁରମା ପାଢ଼ୀ, ପାଣିପାଗ ବିଭାଗ ମହାନିର୍ଦ୍ଦେଶକ ଡକ୍ଟର ମୃତ୍ୟୁଞ୍ଜୟ ମହାପାତ୍ର ପ୍ରମୁଖ ଅଂଶଗ୍ରହଣ କରିଥିଲେ ।

*IPR*

# ଜାତୀୟ ଶିକ୍ଷାନୀତି-୨୦୨୦

ରାଜ୍ୟରେ ଜାତୀୟ ଶିକ୍ଷାନୀତି-୨୦୨୦ ଖୁବ୍‌ଶୀଘ୍ର ପ୍ରଣୟନପାଇଁ ପଦକ୍ଷେପ ନିଆଯାଉଛି ବୋଲି ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି ।

ରାଜ୍ୟର ବିଭିନ୍ନ ସରକାରୀ ବିଶ୍ୱବିଦ୍ୟାଳୟରେ ଏନେଇ ପ୍ରସ୍ତୁତି ସମ୍ପର୍କରେ ଅନୁଷ୍ଠିତ କର୍ମଶାଳାରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ସୂରଜ ଏହା କହିଛନ୍ତି । ଏହି ଶିକ୍ଷାନୀତି କାର୍ଯ୍ୟାନ୍ୱୟନରେ ଉପୁଜିବାକୁ ଥିବା ସମସ୍ୟାଗୁଡ଼ିକର ତ୍ୱରିତ ସମାଧାନ ପାଇଁ ପଦକ୍ଷେପ ନିଆଯିବ ବୋଲି ମନ୍ତ୍ରୀ କହିଛନ୍ତି । ଏହି କର୍ମଶାଳାରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ସମେତ ବିଭାଗୀୟ ବରିଷ୍ଠ ଅଧିକାରୀ ଏବଂ ବିଶ୍ୱବିଦ୍ୟାଳୟର କୁଳପତିମାନେ ଯୋଗ ଦେଇଥିଲେ ।

***Desk***

## ଷାଣ୍ମାସିକ ପରୀକ୍ଷା

ରାଜ୍ୟରେ ଅଷ୍ଟମ, ନବମ ଓ ଦଶମ ଶ୍ରେଣୀ ଷାଣ୍ମାସିକ ପରୀକ୍ଷା ଦଶହରା ଛୁଟି ପରେ ଅନୁଷ୍ଠିତ ହେବ । ବ୍ଲକ୍‌ସ୍ତରୀୟ 'ସୁରଭି', ଜିଲ୍ଲା ଏବଂ ରାଜ୍ୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ତଥା ପ୍ରାଥମିକ ଶିକ୍ଷକ ନିଯୁକ୍ତି ମେଳା ଆୟୋଜନକୁ ଦୃଷ୍ଟିରେ ରଖି ଏହି ନିଷ୍ପତ୍ତି ନିଆଯାଇଥିବା ଜଣାପଡ଼ିଛି । ଓଡ଼ିଶା ମାଧ୍ୟମିକ ବିଦ୍ୟାଳୟ ଶିକ୍ଷକ ସଂଘ ପକ୍ଷରୁ ଏଥିପାଇଁ ପ୍ରଶ୍ନପତ୍ର ପ୍ରସ୍ତୁତ କରାଯାଇ ପ୍ରତି ଜିଲ୍ଲାର ଶିକ୍ଷକ ସଂଘକୁ ପଠାଇବାର ବ୍ୟବସ୍ଥା ହୋଇଛି । ସୂଚନାଯୋଗ୍ୟ, ଏହି ପରୀକ୍ଷା ଆସନ୍ତାକାଲିଠାରୁ ଆରମ୍ଭ ହେବାର କାର୍ଯ୍ୟସୂଚୀ ସ୍ଥିର କରାଯାଇଥିଲା ।

*Desk*

# ଓ.ଜେ.ଏସ୍. ମେନ୍

ଓଡ଼ିଶା ନ୍ୟାୟିକ ସେବା - ଓ.ଜେ.ଏସ୍.-୨୦୨୩ ମେନ୍ ପରୀକ୍ଷା ଆସନ୍ତା ନଭେମ୍ବର ୩ରୁ ୬ ତାରିଖ ମଧ୍ୟରେ ଅନୁଷ୍ଠିତ ହେବ । ଓଡ଼ିଶା ଲୋକସେବା ଆୟୋଗ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତି ଅନୁଯାୟୀ ଭୁବନେଶ୍ୱର, କଟକ ଏବଂ ସମ୍ବଲପୁର ୩ଟି ଜୋନ୍‌ରେ ଏହି ପରୀକ୍ଷା ଅନୁଷ୍ଠିତ ହେବ । ମେନ୍ ପରୀକ୍ଷା ଦେବାପାଇଁ ୬୮୦ ଜଣ ଯୋଗ୍ୟତା ଅର୍ଜନ କରିଛନ୍ତି ।

*Desk*

# ଫେଲୋସିପ୍ ପାଠ୍ୟକ୍ରମ

କଟକ ଏସ୍.ସି.ବି. ମେଡିକାଲ୍ କଲେଜ୍ ଓ ହସ୍ପିଟାଲ୍‌ର ପ୍ରସୂତୀ ଏବଂ ସ୍ତ୍ରୀ ରୋଗ ବିଭାଗରେ ଫେଲୋସିପ୍ ପାଠ୍ୟକ୍ରମ ଆରମ୍ଭ କରାଯିବ । ବିଭାଗ ପକ୍ଷରୁ ଗତକାଲି ଆୟୋଜିତ ଏକ କର୍ମଶାଳାରେ ଯୋଗଦେଇ ରାଜ୍ୟ ସ୍ୱାସ୍ଥ୍ୟ ବିଜ୍ଞାନ ବିଶ୍ୱବିଦ୍ୟାଳୟର କୁଳପତି ଡକ୍ଟର ମାନସ ରଞ୍ଜନ ସାହୁ ଏ ସମ୍ପର୍କରେ ସୂଚନା ଦେଇଛନ୍ତି ।

*Kalahandi/R*

## ଏକଲବ୍ୟ ଆଦର୍ଶ ବିଦ୍ୟାଳୟ

କଳାହାଣ୍ଡି ଜିଲ୍ଲା ଥୁଆମୂଳ ରାମପୁର ବ୍ଲକ୍ ଅନ୍ତର୍ଗତ ସାଇସୁରାନୀଠାରେ ପ୍ରତିଷ୍ଠିତ ଏକଲବ୍ୟ ଆବାସିକ ଆଦର୍ଶ ବିଦ୍ୟାଳୟ ଉଦ୍‌ଘାଟିତ ହୋଇଛି । ଲୋକସଭା ସଦସ୍ୟ ମାଳବିକା ଦେବୀ ଏହି ଅବସରରେ ଆୟୋଜିତ ସମାରୋହରେ ଯୋଗଦେଇ ଏକଲବ୍ୟ ଆବାସିକ ଆଦର୍ଶ ବିଦ୍ୟାଳୟ ସ୍ଥାନୀୟ ଅଞ୍ଚଳର ବିକାଶରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥାଏ ବୋଲି କହିଛନ୍ତି । ବିଧାୟକ ପ୍ରଦୀପ କୁମାର ଦିଶାରୀଙ୍କ ସମେତ ଜିଲ୍ଲାସ୍ତରୀୟ ପଦାଧିକାରୀମାନେ ଯୋଗ ଦେଇଥିଲେ । ବିଦ୍ୟାଳୟ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

*Ganjam/R*

## ସ୍ୱଚ୍ଛ ଭାରତ

ଗଞ୍ଜାମ ଜିଲ୍ଲା ଏନ୍.ଏ.ସି. କାର୍ଯ୍ୟାଳୟ ପରିସରରେ ସ୍ୱଚ୍ଛ ଭାରତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର ଯୋଗଦେଇ ୨୦୩୬ ମସିହା ସୁଦ୍ଧା ବିକଶିତ ଓଡ଼ିଶା ସ୍ୱପ୍ନ ସାକାର ପାଇଁ ସମସ୍ତଙ୍କ ସହଯୋଗ କାମନା କରିଥିଲେ । ଏହି କାର୍ଯ୍ୟକ୍ରମରେ ବିଧାୟକ କୃଷ୍ଣଚନ୍ଦ୍ର ନାୟକ, ପୂର୍ବତନ ଉପବାଚସ୍ପତି ରାମଚନ୍ଦ୍ର ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ । ସ୍ୱଚ୍ଛ ଭାରତ ମିଶନ ଉପଲକ୍ଷ୍ୟେ ଆୟୋଜିତ ବିଭିନ୍ନ

ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀଙ୍କୁ ଡକ୍ଟର ମହାପାତ୍ର ପୁରସ୍କୃତ କରିଥିଲେ ।

***Deogarh/R***

# କ୍ରୀଡ଼ା ପ୍ରତିଯୋଗିତା

ଦେବଗଡ଼ ଇନ୍ଦିରାଗାନ୍ଧି ଷ୍ଟାଡିୟମ୍‌ଠାରେ ଜିଲ୍ଲାସ୍ତରୀୟ ବିଦ୍ୟାଳୟସମୂହ କ୍ରୀଡ଼ା ପ୍ରତିଯୋଗିତା ଗତକାଲି ଉଦ୍‌ଘାଟିତ ହୋଇଛି । ଜିଲ୍ଲା ଶିକ୍ଷା ବିଭାଗ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ୩ଟି ବ୍ଲକ୍‌ରୁ ୨୫୭ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଛନ୍ତି । ବାଳକ ଏବଂ ବାଳିକା ବର୍ଗରେ ଗତକାଲି ଦୌଡ଼କୁଦ, ଭଲିବଲ୍, ଖୋଖୋ, ବ୍ୟାଡ୍‌ମିଣ୍ଟନ୍, କ୍ରିକେଟ୍, ଲଙ୍ଗ୍‌ଜମ୍ପ୍, ହାଇଜମ୍ପ, ସଟ୍‌ପୁଟ୍, ଜାଭେଲିନ୍ ଥ୍ରୋ ଆଦି ପ୍ରତିଯୋଗିତା ଆରମ୍ଭ ହୋଇଛି ।

***BBSR/R***

# ପାଣିପାଗ

ବଙ୍ଗୋପସାଗରର ଦକ୍ଷିଣ-ପୂର୍ବ ବାଂଲାଦେଶ ଉପରେ ଗତକାଲି ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଛି । ଏହାର ପ୍ରଭାବରେ ଉତ୍ତର ବଙ୍ଗୋପସାଗର ନିକଟସ୍ଥ ପଶ୍ଚିମବଙ୍ଗ ଏବଂ ଓଡ଼ିଶା ଉପକୂଳ ନିକଟରେ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି । ଉତ୍ତର ଓଡ଼ିଶାର ବିଭିନ୍ନ ଅଞ୍ଚଳରେ ଆଜି ବର୍ଷାର ସମ୍ଭାବନା ରହିଛି । ଉତ୍ତର ଓଡ଼ିଶା ଏବଂ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ

ଆସନ୍ତାକାଲିଠାରୁ ବର୍ଷାର ପରିମାଣ ବୃଦ୍ଧି ପାଇବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଦେଇଛି ।

*****